ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/IPR(OD)/129/ Dt.26.04.2021**

# ମହାରାଜା କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି

ଭୁବନେଶ୍ୱର, ୨୬/୦୪/୨୦୨୧

ସ୍ୱତନ୍ତ୍ର ଉତ୍କଳ ପ୍ରଦେଶ ଗଠନର ଅନ୍ୟତମ ପୁରୋଧା ତଥା ଓଡ଼ିଶାର ପ୍ରଥମ ପ୍ରଧାନମନ୍ତ୍ରୀ ପାରଳା ମହାରାଜା କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ଜୟନ୍ତୀ ଅବସରରେ ଆଜି ସକାଳେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ କୋଭିଡ୍ କଟକଣା ମଧ୍ୟରେ ବରପୁତ୍ରଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଛି । ଏଜି ଛକସ୍ଥିତ ମହାରାଜାଙ୍କ ପ୍ରତିମୂର୍ତ୍ତିରେ ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ମାଲ୍ୟାର୍ପଣ କରି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ସୂଚନା ଓ ଲୋକସଂପର୍କ ବିଭାଗର ଯୁଗ୍ମ ନିର୍ଦ୍ଦେଶକ ଶ୍ରୀ ପ୍ରମୋଦ କୁମାର ମଲ୍ଲିକ, ଉପନିର୍ଦ୍ଦେଶକ ଶ୍ରୀ ସନ୍ତୋଷ କୁମାର ଦାସ, ଉତ୍କଳ ସମ୍ମିଳନୀ ଏବଂ ପାରଳା ଗଜପତି ବିକାଶ ମଞ୍ଚର କର୍ମକର୍ତ୍ତାମାନେ ଉପସ୍ଥିତ ରହି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । କୋଭିଡ୍ ନିୟମାବଳୀକୁ ଦୃଷ୍ଟିରେ ରଖି ଏହି ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମରେ ଅତି ସୀମିତ ସଂଖ୍ୟକ ଅତିଥି ଉପସ୍ଥିତ ରହିଥିଲେ ।

ସନ୍ତୋଷ କୁମାର ଦାସ
ସୂଚନା ଅଧିକାରୀ